# REGIONAL NEWS UNIT, AIR CUTTACK
## Morning Bulletin (7.05 AM)
### 21st September - 2024
### News Editor : *Itishree Singh Rathaur*

*********************************

***IPR***

## ସ୍କ୍ରବ୍ ଟାଇଫସ୍

ରାଜ୍ୟ ଜନସ୍ୱାସ୍ଥ୍ୟ ନିର୍ଦ୍ଦେଶକ ଡାକ୍ତର ନୀଳକଣ୍ଠ ମିଶ୍ର ଏବଂ ସ୍ୱାସ୍ଥ୍ୟସେବା ନିର୍ଦ୍ଦେଶକ ଡାକ୍ତର ବିଜୟ କୁମାର ମହାପାତ୍ରଙ୍କ ଯୁଗ୍ମ ଅଧ୍ୟକ୍ଷତାରେ ଆଭାସୀ ମାଧ୍ୟମରେ ଜିଲ୍ଲା ସ୍ୱାସ୍ଥ୍ୟ ଅଧିକାରୀମାନଙ୍କ ସହ ସ୍କ୍ରବ୍ ଟାଇଫସ୍ ରୋଗ ନେଇ ସମୀକ୍ଷା ବୈଠକ ହୋଇଛି । ବୈଠକରେ ସ୍କ୍ରବ୍ ଟାଇଫସ୍ ରୋଗ ନେଇ ଜନ ସଚେତନତାକୁ ବ୍ୟାପକ କରିବା ସହ ତ୍ୱରିତ ପଦକ୍ଷେପ ଗ୍ରହଣ କରିବାକୁ ନିର୍ଦ୍ଦେଶ ଦିଆଯାଇଛି । ସୂଚନା ଅନୁସାରେ ଏକପ୍ରକାର କୀଟ କାମୁଡ଼ିବା ଯୋଗୁଁ ସ୍କ୍ରବ୍ ଟାଇଫସ୍ ରୋଗ ହୋଇଥାଏ । ଜ୍ୱର, ମୁଣ୍ଡବିନ୍ଧା, ଶରୀର ପୀଡ଼ା ଆଦି ଏହି ରୋଗର ଲକ୍ଷଣ । ଏହିସବୁ ଲକ୍ଷଣ ଦେଖାଗଲେ ଜିଲ୍ଲା ଜନସ୍ୱାସ୍ଥ୍ୟ ପରୀକ୍ଷାଗାରଗୁଡ଼ିକରେ ଏଲିସା ପଦ୍ଧତିଦ୍ୱାରା ରକ୍ତପରୀକ୍ଷା କରିବାକୁ ସ୍ୱାସ୍ଥ୍ୟ ବିଭାଗ ପକ୍ଷରୁ ପରାମର୍ଶ ଦିଆଯାଇଛି ।

*Desk*

# ଯକ୍ଷ୍ମା ନିରାକରଣ

ରାଜ୍ୟରେ ୧୫ଟି ଜିଲ୍ଲାରେ ଆଜିଠାରୁ ଯକ୍ଷ୍ମା ନିୟନ୍ତ୍ରଣ ପାଇଁ ବିସିଜି ଟୀକା ଦିଆଯିବ । ସ୍ୱାସ୍ଥ୍ୟ ବିଭାଗ ପକ୍ଷରୁ ମିଳିଥିବା ସୂଚନା ଅନୁସାରେ ପୂର୍ବରୁ କେବଳ ଶିଶୁମାନଙ୍କୁ ଯକ୍ଷ୍ମା ପ୍ରତିଷେଧକ ଟିକା ଦିଆଯାଉଥିଲା । ତେବେ ବର୍ତ୍ତମାନ ୬୦ ବର୍ଷରୁ ଊର୍ଦ୍ଧ୍ୱ ବୟସ୍କମାନେ ମଧ୍ୟ ସ୍ୱତନ୍ତ୍ର ଟିକାକରଣ ଶିବିରରେ ଟିକା ନେଇପାରିବେ । ୨୦୨୫ ମସିହା ସୁଦ୍ଧା ଦେଶକୁ ଯକ୍ଷ୍ମାମୁକ୍ତ କରିବାପାଇଁ କେନ୍ଦ୍ର ସରକାର ଲକ୍ଷ୍ୟ ରଖିଛନ୍ତି ।

*Desk*

# କନିଷ୍ଠ ଶିକ୍ଷକ ନିଯୁକ୍ତି

ରାଜ୍ୟର ୧୬ ହଜାରରୁ ଅଧିକ କନିଷ୍ଠ ଶିକ୍ଷକଙ୍କୁ ନିଯୁକ୍ତି ଦିଆଯିବ । ଆସନ୍ତାମାସ ଦ୍ୱିତୀୟ ସପ୍ତାହରେ ଭୁବନେଶ୍ୱର କଳିଙ୍ଗ ଷ୍ଟାଡିୟମ୍‌ଠାରେ ଆୟୋଜିତ ସ୍ୱତନ୍ତ୍ର ସମାରୋହରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ନବନିଯୁକ୍ତ ଶିକ୍ଷକମାନଙ୍କୁ ନିଯୁକ୍ତିପତ୍ର ବାଣ୍ଟିବାର କାର୍ଯ୍ୟକ୍ରମ ରହିଛି । ଓଡ଼ିଶା ରାଜ୍ୟ ବିଦ୍ୟାଳୟ କାର୍ଯ୍ୟକ୍ରମ ପ୍ରାଧିକରଣ – ଓସେପା ପକ୍ଷରୁ କନିଷ୍ଠ ଶିକ୍ଷକଙ୍କ ନିଯୁକ୍ତି ପରୀକ୍ଷା ଅନୁଷ୍ଠିତ ହୋଇଥିଲା । ଏଥିପାଇଁ ଗତ ଅଗଷ୍ଟ ମାସରେ କାଉସେଲିଂ ପ୍ରକ୍ରିୟା ଶେଷ ହୋଇଛି ।

*IPR*

# ମିଶନ ଶକ୍ତି ଭବନ

ଉପମୁଖ୍ୟମନ୍ତ୍ରୀ ତଥା ମିଶନ ଶକ୍ତି ମନ୍ତ୍ରୀ ପ୍ରଭାତୀ ପରିଡ଼ା ଭୁବନେଶ୍ୱର ପୋଖରୀପୁଟ୍‌ସ୍ଥିତ ମିଶନ ଶକ୍ତି ଭବନ ପରିସରରେ ବିଭାଗର କଲ୍ ସେଣ୍ଟର ଏବଂ ପ୍ରେକ୍ଷାଳୟକୁ ଉଦ୍‌ଘାଟନ କରିଛନ୍ତି । ଏହି କଲ୍ ସେଣ୍ଟର୍‌ଟି ସ୍ୱୟଂ ସହାୟକ ଗୋଷ୍ଠୀଙ୍କ ପାଇଁ ମିଶନ ଶକ୍ତି ବିଭାଗ ଅଧୀନରେ ପରିଚାଳିତ ବିଭିନ୍ନ ଯୋଜନା, କାର୍ଯ୍ୟକ୍ରମ ତଥା ନୂତନ ପଦକ୍ଷେପ ସମ୍ପର୍କରେ ତଥ୍ୟ ଯୋଗାଇବ । କଲ୍ ସେଣ୍ଟର୍‌ଟି ସକାଳ ୧୦ଟାରୁ ସନ୍ଧ୍ୟା ସାଢ଼େ ୫ଟା ପର୍ଯ୍ୟନ୍ତ କାର୍ଯ୍ୟକ୍ଷମ ହେବ । ଏହାର ଟୋଲ୍ ଫ୍ରି ନମ୍ବର ରହିଛି ୧୫୫୨୭୬ । ସେହିଭଳି ୪ ଶହ ଆସନ ବିଶିଷ୍ଟ ପ୍ରେକ୍ଷାଳୟକୁ ୭ କୋଟି ୫୯ ଲକ୍ଷ ଟଙ୍କା ବ୍ୟୟରେ ନିର୍ମିତ ହୋଇଛି । ସୂଚନା ଅନୁସାରେ ମିଶନ ଶକ୍ତି ବିଭାଗର ୧୦୦ ଦିନର ସଫଳତାରେ ସଦସ୍ୟମାନଙ୍କୁ ୧୭୫ କୋଟି ଟଙ୍କାର ସୁଧ ଫେରସ୍ତ, ୨ ଲକ୍ଷ ୨ ହଜାରରୁ ଊର୍ଦ୍ଧ୍ୱ ଲକ୍ଷପତି ଦିଦି ସୃଷ୍ଟି, ୧୦୦ଟି ମିଶନ ଶକ୍ତି ରିଟେଲ୍ ମାର୍ଟ ପ୍ରତିଷ୍ଠା ଆଦି ଲକ୍ଷ୍ୟ ପୂରଣ କରାଯାଇଛି ।

*Desk*

# ଶ୍ରୀମନ୍ଦିର-ରତ୍ନଭଣ୍ଡାର ସର୍ଭେ

ଭାରତୀୟ ପ୍ରତ୍ନତାତ୍ତ୍ୱିକ ସର୍ବେକ୍ଷଣ ସଂସ୍ଥା-ଏ.ଏସ୍.ଆଇ. ପକ୍ଷରୁ ଆଜିଠାରୁ ସୋମବାର ପର୍ଯ୍ୟନ୍ତ ଶ୍ରୀମନ୍ଦିର ରତ୍ନଭଣ୍ଡାରର ବୈଷୟିକ ସର୍ବେକ୍ଷଣ

କରାଯିବ। ଅପରାହ୍ଣ ୨ଟାଠାରୁ ସନ୍ଧ୍ୟା ୬ଟା ପର୍ଯ୍ୟନ୍ତ ସର୍ବେକ୍ଷଣ ପାଇଁ ସମୟ ଧାର୍ଯ୍ୟ କରାଯାଇଛି। ରତ୍ନଭଣ୍ଡାରର ବୈଷୟିକ ସର୍ବେକ୍ଷଣ କାର୍ଯ୍ୟ ମଙ୍ଗଳବାର ସୁଦ୍ଧା ଶେଷ କରିବାକୁ ଏ.ଏସ୍.ଆଇ. ମହାନିର୍ଦ୍ଦେଶକଙ୍କୁ ଶ୍ରୀମନ୍ଦିର ମୁଖ୍ୟ ପ୍ରଶାସକ ଡକ୍ଟର ଅରବିନ୍ଦ ପାଢ଼ି ପତ୍ର ଲେଖି ଅନୁରୋଧ କରିଥିଲେ। ରାଜ୍ୟ ସରକାରଙ୍କ ଅନୁମୋଦିତ ମାର୍ଗଦର୍ଶିକା ଅନୁସାରେ ଏହି ସର୍ବେକ୍ଷଣ କରାଯିବ। ବିଶେଷ ନୀତିନିର୍ଘଣ୍ଟ ଅନୁସାରେ, ଦିନ ଗୋଟାଏରୁ ନିରୀକ୍ଷଣ କାର୍ଯ୍ୟ ଶେଷ ହେବା ପର୍ଯ୍ୟନ୍ତ ସର୍ବସାଧାରଣ ଦର୍ଶନ ବନ୍ଦ ରହିବ।

ଅପରପକ୍ଷରେ, ଶ୍ରୀମନ୍ଦିରରେ ଆସନ୍ତା ମଙ୍ଗଳବାରଠାରୁ ଦଶହରା ପାଇଁ ଷୋଡଶ ଉପଚାର ପୂଜା ଆରମ୍ଭ ହେବ ।

***Khurda, Dhenkanal, Nayagar/R***

# ବିକାଶମେଳା

ରାଜ୍ୟରେ ନୂତନ ସରକାରର ୧୦୦ ଦିନ ପୂର୍ତ୍ତି ଅବସରରେ ବିଭିନ୍ନ ସ୍ଥାନରେ ଜିଲ୍ଲାସ୍ତରୀୟ ବିକାଶମେଳା ଉଦ୍‌ଘାଟିତ ହୋଇଛି । ଉପମୁଖ୍ୟମନ୍ତ୍ରୀ କନକ ବର୍ଦ୍ଧନ ସିଂହଦେଓ ଢେଙ୍କାନାଳଠାରେ ପଲ୍ଲୀଶ୍ରୀ ମେଳା ପଡ଼ିଆଠାରେ ବିକାଶମେଳା ଉଦ୍‌ଘାଟନ କରିଛନ୍ତି ।

ନୟାଗଡ଼ଠାରେ ସମବାୟ ଓ ବୟନଶିଳ୍ପ ମନ୍ତ୍ରୀ ପ୍ରଦୀପ କୁମାର ବଳସାମନ୍ତ ଜିଲ୍ଲାସ୍ତରୀୟ ବିକାଶ ମେଳା ଉଦ୍‌ଘାଟନ କରିଛନ୍ତି । ଏହି ଅବସରରେ ସେ ସରକାରଙ୍କ ବିଭିନ୍ନ ଜନହିତକାରୀ ଯୋଜନା ସମ୍ପର୍କରେ ଆଲୋଚନା କରିଥିଲେ ।

ସେହିପରି ଖୋର୍ଦ୍ଧା ହାବେଳି ପଡ଼ିଆଠାରେ ଆୟୋଜିତ ଜିଲ୍ଲାସ୍ତରୀୟ ବିକାଶମେଳାକୁ ଖାଦ୍ୟ ଯୋଗାଣ ଓ ଖାଉଟି କଲ୍ୟାଣ ମନ୍ତ୍ରୀ କୃଷ୍ଣଚନ୍ଦ୍ର ପାତ୍ର ଉଦ୍‌ଘାଟନ କରିଥିଲେ ।

***Cuttack/R***

## ଗଣେଶ ମହୋତ୍ସବ

କଟକ ବାଲିଯାତ୍ରା ଉପର ପଡ଼ିଆରେ ଚାଲିଥିବା ୩୧ତମ ଗଣେଶ ମହୋତ୍ସବ ଉଦ୍‌ଯାପିତ ହୋଇଛି । ଏଥିରେ ଉପମୁଖ୍ୟମନ୍ତ୍ରୀ କନକ ବର୍ଦ୍ଧନ ସିଂହଦେଓ ମୁଖ୍ୟ ଅତିଥି ଭାବେ ଯୋଗ ଦେଇଥିଲେ । କାର୍ଯ୍ୟକ୍ରମରେ ବିଭିନ୍ନ କ୍ଷେତ୍ରରେ ଉଲ୍ଲେଖନୀୟ ଅବଦାନ ଦେଇଥିବା ବିଶିଷ୍ଟ ବ୍ୟକ୍ତିଙ୍କୁ ଶ୍ରୀଗଣେଶ ସମ୍ମାନରେ ସମ୍ମାନିତ କରାଯାଇଥିଲା ।

***Desk***

## ନିଖିଳ ଓଡ଼ିଶା ଟ୍ରଷ୍ଟ

ନିଖିଳ ଓଡ଼ିଶା ପ୍ରଗତିଶୀଳ ଲେଖକ ମହାସଂଘ ଟ୍ରଷ୍ଟର ୨୪ତମ ବାର୍ଷିକ ସମାବର୍ତ୍ତନ ଉତ୍ସବ ଆଜି ଭୁବନେଶ୍ୱର ଜୟଦେବ ଭବନଠାରେ ଅନୁଷ୍ଠିତ ହେବ। ଏଥିରେ ବାଚସ୍ପତି ସୁରମା ପାଢ଼ୀ, ଓଡ଼ିଆ ଭାଷା, ସାହିତ୍ୟ ଓ ସଂସ୍କୃତି ବିଭାଗ ମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜଙ୍କ ସମେତ ବିଭିନ୍ନ ମାନ୍ୟଗଣ୍ୟ ବ୍ୟକ୍ତି ଯୋଗଦେବାର କାର୍ଯ୍ୟକ୍ରମ ରହିଛି ।

*Desk*

# ପାଣିପାଗ

ଉତ୍ତର-ପଶ୍ଚିମ ଏବଂ ତତ୍‌ସଂଲଗ୍ନ ପଶ୍ଚିମ-କେନ୍ଦ୍ରୀୟ ବଙ୍ଗୋପସାଗରରେ ଆସନ୍ତା ସୋମବାର ସୁଦ୍ଧା ଆଉ ଏକ ଲଘୁଚାପ କ୍ଷେତ୍ର ସୃଷ୍ଟି ହେବାର ସମ୍ଭାବନା ରହିଛି। ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ରର ସୂଚନା ଅନୁସାରେ, ଲଘୁଚାପର ପ୍ରଭାବରେ ରାଜ୍ୟରେ ଆସନ୍ତା ୪ ଦିନ ପର୍ଯ୍ୟନ୍ତ ବର୍ଷା ହେବାର ସମ୍ଭାବନା ରହିଛି। ଆସନ୍ତା ୨୪ ଘଣ୍ଟା ମଧ୍ୟରେ ଘଡଘଡ଼ି ସହ ବର୍ଷା ହେବା ନେଇ ୧୩ଟି ଜିଲ୍ଲାପାଇଁ ସତର୍କ ସୂଚନା ଜାରି କରାଯାଇଛି।

*****